**Publication:** Prameya
**Date:**11/09/2015
**Edition:** Bhubaneshwar
**Page No:** 11
**Headline:**TCS IT Wiz in Bhubaneswar on 24

# ୨୪ରେ ଭୁବନେଶ୍ୱର ସଂସ୍କରଣ ଟିସିଏସ୍ ଆଇଟି ୱିଜ୍

ଭୁବନେଶ୍ୱର, ୧୦।୯ (ବ୍ୟୁରୋ): ଦେଶର ପ୍ରମୁଖ ଆଇଟି ସେବା ପ୍ରଦାନକାରୀ କମ୍ପାନି ଟାଟା କନ୍‌ସଲ୍‌ଟାନ୍ସି ସର୍ଭିସେସ୍ (ଟିସିଏସ୍) ପକ୍ଷରୁ ସେପ୍ଟେମ୍ବର ୨୪ରେ ଭୁବନେଶ୍ୱର ସଂସ୍କରଣ ଟିସିଏସ୍ ଆଇଟି ୱିଜ୍ ୨୦୧୫ ଅନୁଷ୍ଠିତ ହେବ। ସ୍ଥାନୀୟ ପଲ୍ ହାଇଟ୍‌ସଠାରେ ଅନୁଷ୍ଠିତ ହେବାକୁ ଥିବା ଭାରତର ଏହି ସର୍ବବୃହତ ଆନ୍ତଃ-ବିଦ୍ୟାଳୟ କ୍ୱିଜ୍‌ରେ ଯୋଗ ଦେବାପାଇଁ କୌଣସି ଫି' ଦେବାକୁ ପଡ଼ିବ ନାହିଁ। ଅଷ୍ଟମରୁ ଦ୍ୱାଦଶ ଶ୍ରେଣୀର ଛାତ୍ରଛାତ୍ରୀ ଭାଗ ନେଇପାରିବେ। ପ୍ରତିଯୋଗିତାରେ ଅଂଶଗ୍ରହଣ ପାଇଁ ପ୍ରତି ଶିକ୍ଷାନୁଷ୍ଠାନ ୨ ସଦସ୍ୟ ବିଶିଷ୍ଟ ସର୍ବାଧିକ ୮ଟି ଟିମ୍ ପଠାଇ ପାରିବେ। ପ୍ରତିଯୋଗିତାରେ ଭାଗ ନେବା ପାଇଁ ଛାତ୍ରଛାତ୍ରୀଙ୍କୁ ନିଜ ଅନୁଷ୍ଠାନ ମାଧ୍ୟମରେ ଟିସିଏସ୍ ଆଇଟି ୱିଜ୍ କୋଅର୍ଡିନେଟର, ଟାଟା କନ୍‌ସଲ୍‌ଟାନ୍ସି ସର୍ଭିସେସ୍‌କୁ ସେପ୍ଟେମ୍ବର ୨୧ ତାରିଖ ସୁଦ୍ଧା ଆବେଦନ ପତ୍ର ପଠାଇବାକୁ ପଡ଼ିବ। ଏହାଛଡ଼ା ଛାତ୍ରଛାତ୍ରୀମାନେ ଅନ୍‌ଲାଇନ୍‌ରେ ମଧ୍ୟ ସେମାନଙ୍କ ନାମ ପଞ୍ଜୀକରଣ କରିପାରିବେ।